## ଆଜି ଅନୁଗୋଳ ଜିଲ୍ଲାରୁ ୧୬ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୧୧୮୯ରେ ପହଞ୍ଚିଲା - ସୁସ୍ଥ ହେଲେ ୧୯ ଜଣ ।

ଆଜି ଅନୁଗୋଳ ଜିଲ୍ଲାରେ ୧୬ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୨୧୯ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୭ଜଣ ( ୫ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୩ଜଣ ( ୩ଜଣ ପୁରୁଷ ), ତାଳଚେର ପୌରାଞ୍ଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୧ଜଣ (୧ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧ଜଣ ( ୧ ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ଜଣ ( ୧ ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ଆଜି ପାଲଲହଡା ବ୍ଲକ,ଅନୁଗୋଳ ବ୍ଲକ, କିଶୋରନଗର ବ୍ଲକ,ତାଳଚେର ବ୍ଲକ୍ ପ୍ରଭୃତି ୪ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୧୯ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୧୪ ତା.୦୬.୦୧.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

6/1/21

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ